# ଗ୍ରାମୀଣ କୃଷି ମୌସମ ସେବା
# ଭାରତ ପାଣିପାଗ ବିଭାଗ
# ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା –୯୩ (ଓଡ଼ିଆ ବୁଲେଟିନ)　　ସପ୍ତାହ – ୪୭　　ତାରିଖ: ୨୧.୧୧.୨୦୨୫

## ଜିଲ୍ଲା –ସୋନପୁର

## ଆସନ୍ତା ପାଞ୍ଚ ଦିନର ପାଣିପାଗ ପୂର୍ବାନୁମାନ

| ପାଣିପାଗ କାରକ | ୨୨-୧୧-୨୦୨୫ | ୨୩-୧୧-୨୦୨୫ | ୨୪-୧୧-୨୦୨୫ | ୨୫-୧୧-୨୦୨୫ | ୨୬-୧୧-୨୦୨୫ |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 0 | 0 | 0 | 0 | 0 |
| ସର୍ବାଧିକ ତାପମାତ୍ରା (° ସେଣ୍ଟିଗ୍ରେଡ) | 29 | 29 | 29 | 29 | 29 |
| ସର୍ବନିମ୍ନ ତାପମାତ୍ରା (° ସେଣ୍ଟିଗ୍ରେଡ) | 16 | 16 | 16 | 15 | 15 |
| ମେଘ ଆବରଣ(ଓକଟା) | 0 | 0 | 1 | 2 | 4 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 81 | 84 | 78 | 80 | 81 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 41 | 36 | 35 | 38 | 40 |
| ପବନର ବେଗ (କିମି/ଘଣ୍ଟା ପ୍ରତି) | 4 | 3 | 3 | 4 | 6 |
| ପବନର ଦିଗ (ଡିଗ୍ରୀ) | 35 | 27 | 49 | 53 | 35 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

## ପାଣିପାଗ ସାରାଂଶ/ସତର୍କ ସୂଚନା :

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱରର ମଧ୍ୟମ ଅବଧି ପୂର୍ବାନୁମାନଅନୁଯାୟୀ, ଆଗାମୀ ସପ୍ତାହରେ ବର୍ଷା ହେବାର ସମ୍ଭାବନା ବହୁତ କମ ଅଛି ଏବଂ ଏହି ସମୟ ଅବଧିରେ ଆକାଶସଫାରୁ ମୁଖ୍ୟତଃ ସଫାରହିପାରେ।ଆସନ୍ତାସପ୍ତାହରେସର୍ବାଧିକ (ଦିନର)ତାପମାତ୍ରାରେବିଶେଷ ପରିବର୍ତ୍ତନର ସମ୍ଭାବନା ନାହିଁ କିନ୍ତୁସର୍ବନିମ୍ନତାପମାତ୍ରାରେହ୍ରାସଦେଖାଯାଇପାରେ। ଆସନ୍ତା ୫ ଦିନ ମଧ୍ୟରେ ଆର୍ଦ୍ରତାରେ ହ୍ରାସଦେଖାଯିବା ସହିତ ୨ ରୁ ୫ କି.ମି. ପ୍ରତିଘଣ୍ଟା ବେଗରେ ଉତ୍ତର-ଉତ୍ତର-ପୂର୍ବ, ପୂର୍ବ-ଉତ୍ତର-ପୂର୍ବ ଓ ଉତ୍ତର-ପୂର୍ବ ଦିଗରୁ ପବନ ବହିବାର ସମ୍ଭାବନା ବନିପାରେ।

## ସାଧାରଣ ଉପଦେଶ

- ଚାଷୀଭାଇମାନେ ଠିଆ ଫସଲ (ଅଂଗିୟ ଅବସ୍ଥା ରୁ ଫଳ ଅବସ୍ଥା) କ୍ଷେତରେ ପର୍ଯ୍ୟାପ୍ତ ମାଟି ଆର୍ଦ୍ରତା ବଜାୟ ରଖିବାକୁ ପରାମର୍ଶ ଦିଆଯାଇଅଛି କାରଣ ଆଗାମୀ ଦିନରେ ବର୍ଷା ହେବାର ସମ୍ଭାବନା କମ ଅଛି। ଆଗାମୀ ଦିନରେ ଶୁଖିଲା ପାଗ ସହିତ ସର୍ବନିମ୍ନ ତାପମାତ୍ରା ହ୍ରାସ ପାଇବାର ସମ୍ଭାବନା ଅଧିକ ରହିଅଛି, ତେଣୁ ଚାଷୀମାନଙ୍କୁ ନିଜ ଫସଲକୁ ଶୀତ ଦାଉରୁ ରକ୍ଷା କରିବା ପାଇଁ ସନ୍ଧ୍ୟା ସମୟରେ ବାରମ୍ବାର ହାଲୁକା ଜଳସେଚନ / ସିଞ୍ଚା ଜଳସେଚନ କରିବାକୁ ପରାମର୍ଶ ଦିଆଯାଉଛି।
- ପୂର୍ବ ଦିନଗୁଡିକରେ ଥିବା ପାଗପାଗ ଯୋଗୁଁ ଆଗକୁ ରୋଗ ପୋକର ପ୍ରାଦୁର୍ଭାବ ବୃଦ୍ଧି ପାଇପାରେ। ରୋଗ ଏବଂ କୀଟପତଙ୍ଗର ପ୍ରାଦୁର୍ଭାବ ଜାଣିବା ପାଇଁ ନିୟମିତ ଭାବରେ କ୍ଷେତ ପରିଦର୍ଶନ କରନ୍ତୁ ଏବଂ ଯଦି ଦରକାର ପଡ଼େ ତେବେ ତୁରନ୍ତ ଆବଶ୍ୟକତା ଭିତ୍ତିକ କୀଟ ପରିଚାଳନା ପଦକ୍ଷେପ ନିଅନ୍ତୁ।

## ସଂକ୍ଷିପ୍ତ ଉପଦେଶ

- ଆଗାମୀ ଶୁଖିଲା ପାଗକୁ ଦୃଷ୍ଟିରେ ରଖି, ପାଚିଲାଅବସ୍ଥାରେ ଥିବା ଧାନ ଏବଂ ଅଣଧାନ ଫସଲ ଅମଳ ଯଥାସିଘ୍ର ଆରମ୍ଭ କରିବାକୁ ପରାମର୍ଶ ଦିଆଯାଇଅଛି ।

## ପାଣିପାଗ ଭିତ୍ତିକ କୃଷିଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ବର୍ଷା ଦିନିଆ ଧାନ | ପରିପକ୍ବ ଅବସ୍ଥା / ଅମଳ | • ଧାନଫସଲର ୮୦ ରୁ ୮୫ ପ୍ରତି ଶତ ଶସ୍ୟ ପରିପକ୍ବ ହେଲେ ଅମଳ କରିବାକୁ ପରାମର୍ଶ ଦିଆଯିବା ଉଚିତ। ଅମଳ କାର୍ଯ୍ୟ ହାତ ଦ୍ୱାରା କିମ୍ବା ଏହା ପାଇଁ କମ୍ବାଇନ୍ହାର୍ଭେଷ୍ଟର କିମ୍ବା ରିପ ର୍ବ୍ୟବହାର କରିପାରିବେ।<br>• ଅମଳପରେ ଖାଦ୍ୟ ପାଇଁ ଶସ୍ୟକୁ ୧୪% ଆର୍ଦ୍ରତା ପର୍ଯ୍ୟନ୍ତ ସୂର୍ଯ୍ୟକିରଣରେ ଶୁଖାଯିବା ଆବଶ୍ୟକ ଏବଂ ବିହନ ପାଇଁ |

| | | |
|---|---|---|
| | | ଏହାକୁ ୧୨% ଆର୍ଦ୍ରତା ପର୍ଯ୍ୟନ୍ତ ଶୁଖାଯିବା ଉଚିତ ଯାହା ଦ୍ୱାରା ଫସଲକୁଅଧିକ ଦିନ ଯାଏ ଭଲ ଭାବରେ ରଖାଯାଇପାରିବ । |
| ସୋରିଷ ଓ ତୋରିଆ | ପ୍ରଭେଦ ଚୟନ / ବୁଣା ଅବସ୍ଥା | • ପୁସାବୋଲ୍ଡ, ବିନୟ, ପୁସା ବାହାର, ବରୁଣ, ପୁସା ଜୟକିସାନ, ଜେ.ଡି-୬, ତୋରିଆ- ଏମ୍ ୨୯, ଅନୁରାଧା, ପାର୍ବତୀଭଳି ଉପଯୁକ୍ତ କିସମ ବ୍ୟବହାର କରନ୍ତୁ ।<br>• ଏକର ପ୍ରତି ୩ ରୁ ୪ କିଲୋ ବିହନ ଦରକାର ପଡ଼ିଥାଏ । ଭଲ ଅମଳ ପାଇଁ ଯଦି ସମ୍ଭବ ହୁଏ ଧାଡ଼ିରେ ବୁଣିବା ଉଚିତ । ଧାଡ଼ି କୁଧାଡ଼ି ୩୦ ରୁ ୪୫ ସେ.ମି. ଓ ଗଛକୁ ଗଛ ୧୦ ସେ.ମି. ଦୂରତାରେବୁଣିଲେ ଭଲ । |
| ଚିନାବାଦାମ | ପ୍ରଭେଦ ଚୟନ / ବୁଣା ଅବସ୍ଥା | • ଉନ୍ନତ ଚିନାବାଦାମ କିସମ ଯେପରିକି ଟି.ଏ.ଜି. -୨୪, ଟି.ଜି.-୩,ଟି.ଜି.-୩୮, କାଦରି-୫,୬,୯, ସି.ଓ.-୭, ଦେବୀଇତ୍ୟାଦି ୧୦୦ରୁ ୧୩୦ ଦିନିଆ କିସମକୁ ବ୍ୟବହାର କରିପାରିବେ ।<br>• ବୁଣିବା ପୂର୍ବରୁ ବିହନ ବିଶୋଧନ ନିଶ୍ଚୟ କରନ୍ତୁ ଏବଂ ବିଶୋଧନର ୭ ଦିନ ପରେ ଜୀବାଣୁ ବା ଫସଫୋ-କଲଚରର ଉପଚାର କରନ୍ତୁ । ଗୋଟେ ଏକରରେ ୪୦ ରୁ ୫୦ କିଲୋ ଛଡା ବା ୬୦ ରୁ ୭୦କିଲୋ ଅଛଡା ବିହନ ଦରକାର ହୋଇଥାଏ । ବିହନ ଛଡେଇବାର ୨ ରୁ ୩ ଦିନ ମଧ୍ୟରେ ବୁଣାଯିବା ଉଚିତ । |
| କୋବି ଜାତୀୟଫସଲ | ନର୍ସରୀ ତଳି ଘେରା ପ୍ରସ୍ତୁତି | • ଜଳ ନିଷ୍କାସନ ଏବଂ ଆନ୍ତଃକୃଷି କାର୍ଯ୍ୟକୁ ସହଜ କରିବା ପାଇଁ ଉଚ୍ଚ ନର୍ସରୀ ବେଡ୍ (ପ୍ରାୟ ୧୦-୧୫ ସେମି ଉଚ୍ଚ, ୧ ମିଟର ଚଉଡା ଏବଂ ସୁବିଧାଜନକ ଲମ୍ବ) ପ୍ରସ୍ତୁତ କରନ୍ତୁ ଏବଂ ଭଲ ଭାବରେ ପଚିଯାଇଥିବା ଗୋବରଖତ (FYM) କିମ୍ବା କମ୍ପୋଷ୍ଟକୁ ୨-୩ କିଲୋଗ୍ରାମ/ବର୍ଗ ମିଟର ହାରରେ ପ୍ରୟୋଗ କରନ୍ତୁ।<br>• ଡମ୍ପିଂ-ଅଫ୍ ରୋଗକୁ ରୋକିବା ପାଇଁ କୌଣସି ଉପଯୁକ୍ତ କବକନାଶକ ଦ୍ରବଣ ସହିତ ବେଡ୍ କୁ ସିଞ୍ଚନ କରନ୍ତୁ ଏବଂ ୩୦ ମିନିଟ୍ ପାଇଁ ୫୦°C ତାପମାତ୍ରାରେ ଗରମ ପାଣି ଚିକିତ୍ସା ପଚା ରୋଗ ବିରୁଦ୍ଧରେ ମଧ୍ୟ ପ୍ରଭାବଶାଳୀ ହୋଇଥାଏ।<br>• ଧାଡି ମଧ୍ୟରେ ୫-୭ ସେମି ବ୍ୟବଧାନ ସହିତ ଅଗଭୀର ଖାଲ (୧-୨ ସେମି ଗଭୀର) ରେ ବିହନକୁ ପତଳା କରିବୁଣନ୍ତୁ। ବିହନକୁ ମାଟିର ଏକ ସୂକ୍ଷ୍ମ ସ୍ତର ସହିତ ଘୋଡାନ୍ତୁ ଏବଂ ପାଣି କ୍ୟାନ ବ୍ୟବହାର କରି ହାଲୁକା ସିଞ୍ଚନ କରନ୍ତୁ।<br>• ଆର୍ଦ୍ରତା ଏବଂ ତାପମାତ୍ରା ବଜାୟ ରଖିବା ପାଇଁ ଅଙ୍କୁରୀକରଣ ସମ୍ପୂର୍ଣ୍ଣ ହେବା ପର୍ଯ୍ୟନ୍ତ ବେଡ୍ କୁ ଶୁଖିଲା ନଡ଼ା କିମ୍ବା ଘାସ ସହିତ ଘୋଡାନ୍ତୁ, ଚାରା ବାହାରିବା ପରେ ତୁରନ୍ତ ଆବରଣକୁ ଅପସାରଣ କରନ୍ତୁ। |
| ଗୋରୁ ଗାଈ ଓ ମଇଷି | • ଆଗାମୀ ଦିନରେ ସର୍ବନିମ୍ନ ତାପମାତ୍ରା ହ୍ରାସକୁ ଦୃଷ୍ଟିରେ ରଖି, ପଶୁମାନଙ୍କୁ ରାତିରେ ଗୁହାଳ ଭିତରେ ରଖିବା ଉଚିତ ଏବଂ ଥଣ୍ଡାରୁ ରକ୍ଷା କରିବା ପାଇଁ ଶୁଖିଲା ବିଛଣା ଯୋଗାଇବା କିମ୍ବା ଶୀତ ବସ୍ତ୍ର ଦ୍ବାରା ଆଚ୍ଛାଦନ କରିବାରଉଚିତ ବ୍ୟବସ୍ଥା କରନ୍ତୁ।<br>• ଶୀତ ଋତୁରେ ପଶୁମାନଙ୍କ ଶକ୍ତି ଆବଶ୍ୟକତା ପୂରଣ କରିବା ପାଇଁ ପ୍ରତିଦିନ ଖାଦ୍ୟରେ ନିୟମିତ ଭାବରେ ଲୁଣ ସହିତ ଖଣିଜ ମିଶ୍ରଣ ଏବଂ ଗହମ ଦାନା, ଗୁଡ଼ ଇତ୍ୟାଦିକୁ ୧୦ ରୁ୨୦% ଦୈନିକ ରାସନ ହିସାବରେ ଖାଇବାକୁ ଦିଅନ୍ତୁ। | |
| କୁକୁଡ଼ା ପାଳନ | • କୁକୁଡ଼ା ପାଳନରେ, କୁକୁଡ଼ା ଫାର୍ମରେ କୃତ୍ରିମ ଆଲୋକ ଯୋଗାଇ କୁକୁଡ଼ା ଚିଆଁମାନଙ୍କୁ ଉଷ୍ମ ରଖନ୍ତୁ। | |



| | |
|---|---|
| **Ms. JubuliSahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. SanjuktaMohapatra**<br>**ADR cum Nodal Officer**<br>**RRTTS, Chiplima** |



---

- କୃଷି ରେ ଉତ୍ତମ ଲାଭ ପାଇଁ,**OUAT KALINGA**ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ହ୍ଵୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।
- ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ (https://play.gooogle.com/store/apps/details?id=com.aas.meghdoot)ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini)ଓ ସ୍ଥାନ ନିର୍ଦ୍ଧିଷ୍ଟ ପୂର୍ବାନୁମାନ ଏବଂ ଚେତାବନୀ ପାଇଁ ମୌସମ ଆପର ବ୍ୟବହାର କରିପାରିବେ।